The Odisha Gazette

EXTRAORDINARY

PUBLISHED BY AUTHORITY

No. 1464 CUTTACK, TUESDAY, AUGUST 14, 2018/SRAVANA 23, 1940

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 26 ଜୁନ୍ 2018

ସଂଖ୍ୟା 22944—RDM-LAA-BLS-0025/2018-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କେନ୍ଦୁଝର ଜିଲ୍ଲାର ଆନନ୍ଦପୁର ବ୍ୟାରେଜ ପ୍ରକଳ୍ପର ସୁନ୍ଦିରା ଡିଷ୍ଟ୍ରିବ୍ୟୁଟାରୀ କେନାଲ ନିର୍ମାଣ ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା କୁଡିଆସାହି, ଥାନା ଖଇରା, ସଂଖ୍ୟା ୧୩୯, ତହସିଲ ଖଇରା, ଜିଲ୍ଲା ବାଲେଶ୍ୱରରେ ନିମ୍ନ ତଫସିଲମତେ ପ୍ରାୟ ଏ. 0.42 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ;

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ (RFCTLAR & R Act, 2013) ର ୧୧(୧) ଧାରାରେ ଭାରପ୍ରାପ୍ତ ହୋଇ ସରକାର ଏତଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ ର ଧାରା ୧୧(୧)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର 60 (ଷାଠିଏ) ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

### ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ଆନନ୍ଦପୁର ବ୍ୟାରେଜ ପ୍ରକଳ୍ପର ସୁନ୍ଦିରା ଡିଷ୍ଟ୍ରିବ୍ୟୁଟାରୀ କେନାଲ ନିର୍ମାଣ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ନିର୍ବାହୀ ଯନ୍ତ୍ରୀ, ବିଦ୍ୟାଧରପୁର କେନାଲ ଡିଭିଜନ, ବିଦ୍ୟାଧରପୁର ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ସିନ୍ଧୁରା ଡିଷ୍ଟ୍ରିବ୍ୟୁଟାରୀ କେନାଲ ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପ-ଜିଲ୍ଲାପାଳ, ବାଲେଶ୍ୱର ।

୬ । ଜମିର ବିବରଣୀ :-

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ବାଲେଶ୍ୱର | ଖଇରା | କୁଡ଼ିଆସାହି | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ୧.୮୫ ଏକର | ୦.୪୨ ଏକର | ଏଥି ସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା, ଭୂ-ଅର୍ଜନ ଅଧିକାରୀ, ଆନନ୍ଦପୁର ବ୍ୟାରେଜ ପ୍ରକଳ୍ପ, ଶାଳପଡା, କେନ୍ଦୁଝରଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ବାଲେଶ୍ୱର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

**ଭୂମି ଅନୁସୂଚୀ**

| ଖାତା ନଂ. (୧) | ଜମି ମାଲିକଙ୍କ ନାମ ଜାତି, ବାସସ୍ଥାନ (୨) | ଚକ ନଂ. (୩) | ପ୍ଲଟ୍ ନଂ. (୪) | କିସମ (୫) | ମୋଟ ରକବା (୬) ଏକର | ଅଧିଗ୍ରହଣ ରକବା (୭) ଏକର |
|---|---|---|---|---|---|---|
| ୩୬ | ଗୋପିନାଥ ଦାସ, ପି. ଦୁର୍ଗାଚରଣ ଦାସ ଜା. କରଣ, ବା. ନିଜଗାଁ । | ୫ | ୫ | ଚକ | ୦.୩୩୦ | ୦.୦୮୦ |
| ୪୫ | ଗୌରହରି ସାହୁ, ପି. ଶଙ୍କର ସାହୁ ଜା. ଚିନାରୀବଣିଆ, ବା. ଆଳଦା । | ୪ | ୪ | ଚକ | ୧.୨୭୦ | ୦.୩୨୦ |
| ୧୬୧/୨ | ଗଣେଷ ପ୍ରସାଦ ବେହେରା, ନରେନ୍ଦ୍ର ପ୍ରସାଦ ବେହେରା, ଦୈତାରି ପ୍ରସାଦ ବେହେରା, ପି. ବଂଶୀଧର ବେହେରା, ଜା. କୁମ୍ଭାର, ବା. ଆଳଦା । | ୬ | ୬ | ଚକ | ୦.୨୫୦ | ୦.୦୨୦ |
| | | | | | ମୋଟ . . | ୦.୪୨ |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 941—173+20